# ଗ୍ରାମୀଣ କୃଷି ମୌସମ ସେବା
# ଭାରତ ପାଣିପାଗ ବିଭାଗ
# ଓଡିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ
# ଆଞ୍ଚଳିକ ଗବେଷଣା ଓ ବୈଷୟିକ ପ୍ରସାରଣ କେନ୍ଦ୍ର, ଚିପିଲିମା

ସଂଖ୍ୟା –୯୯

(ଓଡିଆ ବୁଲେଟିନ) ସପ୍ତାହ – ୫୦ ତାରିଖ: ୧୨.୧୨.୨୦୨୩

## ବୌଦ୍ଧ

ଭାରତ ପାଣିପାଗ ବିଜ୍ଞାନ ବିଭାଗ, ମୌସମ ବିଜ୍ଞାନ କେନ୍ଦ୍ର, ଭୁବନେଶ୍ୱର ଅନୁଯାୟୀ ଆସନ୍ତା ସପ୍ତାହରେ ବର୍ଷା ହେବାର ସମ୍ଭାବନା ନାହିଁ ଏବଂ ଏହି ସମୟ ଅବଧିରେ ଆକାଶ ସମ୍ପୂର୍ଣ୍ଣ ସଫା କିମ୍ବା ମୁଖ୍ୟତଃ ମେଘାଛନ୍ନ ରହିପାରେ। ଆସନ୍ତା ୫ ଦିନ ମଧ୍ୟରେ ସର୍ବୋଚ୍ଚ ତାପମାତ୍ରା ୨୫-୨୬ ଡିଗ୍ରୀ ସେଣ୍ଟିଗ୍ରେଡ ଓ ସର୍ବନିମ୍ନ ତାପମାତ୍ରା ୧୨ ରୁ ୧୪ ଡିଗ୍ରୀ ସେଣ୍ଟିଗ୍ରେଡ ମଧ୍ୟରେ ରହିବାର ସମ୍ଭାବନା ରହିଅଛି। ଆସନ୍ତା ସପ୍ତାହରେ ସର୍ବାଧିକ ଆପେକ୍ଷିକ ଆର୍ଦ୍ରତା ୫୩% ରୁ ୭୩% ଓ ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା ୨୨% ରୁ ୨୯% ମଧ୍ୟରେ ରହିବାର ସମ୍ଭାବନା ରହିଅଛି । ଆସନ୍ତା ୫ ଦିନ ମଧ୍ୟରେ ୪-୫ କି.ମି. ପ୍ରତି ଘଣ୍ଟା ବେଗରେ ଦକ୍ଷିଣ- ଦକ୍ଷିଣ-ପୂର୍ବ, ଉତ୍ତର- ଦକ୍ଷିଣ-ପୂର୍ବ କିମ୍ବା ଦକ୍ଷିଣ-ପୂର୍ବ ଦିଗରୁ ପବନ ବହିବାର ସମ୍ଭାବନା ରହିଅଛି ।

| ତାରିଖ | 13-12-2023 | 14-12-2023 | 15-12-2023 | 16-12-2023 | 17-12-2023 |
|---|---|---|---|---|---|
| ବୃଷ୍ଟିପାତ (ମିଲି ମିଟର) | 0 | 0 | 0 | 0 | 0 |
| ସର୍ବାଧିକ ତାପମାତ୍ରା (° ସେଣ୍ଟିଗ୍ରେଡ) | 26 | 26 | 26 | 25 | 25 |
| ସର୍ବନିମ୍ନ ତାପମାତ୍ରା (° ସେଣ୍ଟିଗ୍ରେଡ) | 14 | 14 | 14 | 12 | 12 |
| ସମ୍ପୂର୍ଣ ମେଘ ଆବରଣ (ଓକଟା) | 3 | 3 | 2 | 0 | 0 |
| ସର୍ବାଧିକ ଆପେକ୍ଷିକ ଆଦ୍ରତା (ଶତକଡା %) | 63 | 64 | 73 | 60 | 53 |
| ସର୍ବନିମ୍ନ ଆପେକ୍ଷିକ ଆଦ୍ରତା (ଶତକଡା %) | 29 | 29 | 28 | 28 | 22 |
| ପବନ ବେଗ (କିମି/ଘଣ୍ଟା ପ୍ରତି) | 4 | 5 | 5 | 4 | 5 |
| ପବନ ଦିଗ (ଡିଗ୍ରୀ) | 158 | 153 | 109 | 135 | 135 |

ଅଧିକ ଜାଣିବା ପାଇଁ , ଭାରତୀୟ ପାଣିପାଗ ବିଭାଗ , ଭୁବନେଶ୍ୱର, ଟେଲିଫୋନ # ୦୬୭୪-୨୫୯୬୧୧୬ ରେ ଯୋଗାଯୋଗ କରନ୍ତୁ

## ସାଧାରଣ ଉପଦେଶ

- ଆଗକୁ ସର୍ବନିମ୍ନ ତାପମାତ୍ରାରେ ହ୍ରାସ ଦେଖାଯିବାର ସମ୍ଭାବନା ଅଛି ଯାହାକି ଆଗକୁ ଥଣ୍ଡା ବଢିବାରେ ସାହାଯ୍ୟ କରିପାରେ ତେଣୁ ପାଣିପାଗର ଏହି ଅବସ୍ଥାକୁ ଦେଖି ଚାଷୀ ଭାଇମାନଙ୍କୁ ନିଜ ଫସଲ ତଥା ପଶୁମାନଙ୍କୁ ଅଧିକ ଥଣ୍ଡାର ପ୍ରକୋପରୁ ରକ୍ଷା କରିବା ପାଇଁ ଉପଯୁକ୍ତ ବ୍ୟବସ୍ଥା କରିବାକୁ ପରାମର୍ଶ ଦିଆଯାଇଅଛି । ଆସନ୍ତା ସପ୍ତାହରେ ବର୍ଷା ହେବାର ସମ୍ଭାବନା କମ ଅଛି କିନ୍ତୁ ଆକାଶରେ ଆଂଶିକ ମେଘ ଛାଇ ରହିପାରେ ଯାହାକୀ ଆଗକୁ ଫସଲରେ ରୋଗ ଏବଂ ପୋକ ଲାଗିବା ପାଇଁ ଅନୁକୁଳ ଅଟେ ତ ପାଣିପାଗର ଏହି ସ୍ଥିତିକୁ ଧ୍ୟାନରେ ରଖି ଚାଷୀ ଭାଇମାନଙ୍କୁ ଏହାର ନିୟମିତ ନିରୀକ୍ଷଣ କରିବାକୁ ପରାମର୍ଶ ଦିଆଯାଇଅଛି ।
- କୃଷକ ଭାଇମାନେ ପାଣିପାଗ ପୂର୍ବାନୁମାନ ଏବଂ ପାଣିପାଗ ଭିତ୍ତିକ କୃଷି ପରାମର୍ଶ ପାଇଁ **ମେଘଦୂତ** ମୋବାଇଲ ଆପ ଓ ବିଜୁଳି କିମ୍ବା ବଜ୍ରପାତ ପୂର୍ବାନୁମାନ ପାଇଁ **ଦାମିନୀ** ଆପ କୁ ଅନୁସରଣ କରନ୍ତୁ ।

## ପାଣିପାଗ ଭିତ୍ତିକ କୃଷି ଏବଂ ପଶୁପାଳନ ଉପଦେଶ

| ଫସଲର ନାମ | ଫସଲ ଅବସ୍ଥା | କୃଷି ଏବଂ ପଶୁପାଳନ ପାଇଁ ପାଣିପାଗ ଭିତ୍ତିକ ପରାମର୍ଶ |
|---|---|---|
| ଧାନ | ଧାନ କାଟିବା ଅବସ୍ଥା | ଚାଷୀ ଭାଇମାନଙ୍କୁ ଧାନ କାଟିବା କାର୍ଯ୍ୟ ଯଥାଶୀଘ୍ର ସମାପ୍ତ କରିବାକୁ ଏବଂ କଟାହୋଇଥିବା ଫସଲକୁ ସୁରକ୍ଷିତ ଜାଗାରେ ରଖିବାର ପ୍ରବନ୍ଧ କରିବାକୁ ପରାମର୍ଶ ଦିଆଯାଇଅଛି । |
| ପନିପରିବା (ବାଇଗଣ, ଟମାଟର୍, ଆଳୁ, ଲଂକା ଏବଂ କୋବି ଜାତୀୟ ପରିବା) | ନୂଆଁ ଗଛ ଲଗେଇବା / ବନସ୍ପତି ବିକାସ | ଆଗକୁ ତାପମାତ୍ରାରେ ହ୍ରାସ ଦେଖିବାକୁ ମିଳିପାରେ ଯାହାକି ଶୀତଦିନିଆ ଫସଲ ପାଇଁ ଅନୁକୁଳ ଅଟେ ତେଣୁ ଯେଉଁ ଚାଷୀ ଭାଇମାନେ ଏପର୍ଯ୍ୟନ୍ତ କୋବି ଜାତୀୟ ଫସଲର ଚାଷ ଆରମ୍ଭ କରିନାହାନ୍ତି ସେମାନଙ୍କୁ ଚାରା ଲଗେଇବା କାର୍ଯ୍ୟ ଆରମ୍ଭ କରିଦେବାକୁ ପରାମର୍ଶ ଦିଆଯାଉଛି । ପନିପରିବା ଗଛକୁ ଅଧିକ ଥଣ୍ଡାରୁ ରକ୍ଷା କରିବା ପାଇଁ ସେଥିରେ ନିୟମିତ ଅଳ୍ପ-ଅଳ୍ପ ଜଳ ସିଂଚନ କରି କିମ୍ବା ଗଛ ଲଗେଇବା ସମୟରେ ପଲିଥିନ୍ ଆବରଣର କିମ୍ବା ଯଦି ଗଛ ଲଗାଇ ସାରିଛନ୍ତି ତାହାହେଲେ ଗଛ ତଳେ ପୁଆଳକୁ ମଧ ଆବରଣ ଭାବରେ ପ୍ରୟୋଗ କରିପାରିବେ କାରଣ ଏହା ଦ୍ୱାରା ମାଟିର ତାପମାତ୍ରା ନିୟନ୍ତ୍ରିତ ରହିଥାଏ । |

| | | |
|---|---|---|
| ମୁଗ ଏବଂ ବିରି | ବିହନ ବୁଣିବା / ବନସ୍ପତି ବିକାସ | ବର୍ଷା ଯୋଗୁଁ ଏବେ ମାଟିରେ ଆର୍ଦ୍ରତା ଆସିଯାଇଛି ଯାହାକି ମୁଗ ଆଉ ବିରି ଜାତୀୟ ଫସଲ ବୁଣିବା ପାଇଁ ଉପଯୁକ୍ତ ଅଟେ ତେଣୁ ଚାଷୀ ଭାଇମାନଙ୍କୁ ଏହାର ବୁଣିବା କାର୍ଯ୍ୟ ଆରମ୍ଭ କରିଦେବାକୁ ପରାମର୍ଶ ଦିଆଯାଇଅଛି। |
| ପଶୁପାଳନ | ଆସନ୍ତା ଦିନଗୁଡାକରେ ତାପମାତ୍ରା ହ୍ରାସ ପାଇବାର ସମ୍ଭାବନାକୁ ଦେଖି ପଶୁମାନଙ୍କୁ ପର୍ଯ୍ୟାପ୍ତ ତାଜା ପରିଷ୍କାର ପାଣି ସହିତ ଖନିଜ ଲବଣ ଯୋଗାଇବା ତଥା ବର୍ଷା ଜଳ ଗୁହାଳକୁ ନ ପଶିବା ଏବଂ ସେମାନଙ୍କୁ ଥଣ୍ଡାରୁ ରକ୍ଷା କରିବା ପାଇଁ ଉଚିତ ବ୍ୟବସ୍ଥା କରିବାକୁ ପରାମର୍ଶ ଦିଆଯାଉଛି (ଯେପରିକି ଅଖା ବସ୍ତାରେ ପଶୁମାନଙ୍କୁ ଘୋଡ଼େଇବା ଏବଂ ଗୁହାଳରେ ତଳେ ପୁଆଳ ବିଛାଇବା ଇତ୍ୟାଦି)। ଗୁହାଳକୁ ସଫା ଏବଂ ଶୁଖିଲା ରଖନ୍ତୁ ଯାହାଦ୍ୱାରା ପଶୁମାନେ ରୋଗ ଓ ପୋକ ଜୋକ ରୁ ସୁରକ୍ଷିତ ରହିବେ। ପଶୁମାନଙ୍କୁ ମୁହଁ ଓ ଖୁରା ରୋଗ ଏବଂ ସାହାଣ ରୋଗରୁ ବଞ୍ଚାଇବା ପାଇଁ ପ୍ରତି ୬ ମାସରେ ସେମାନଙ୍କର ଟୀକାକରଣ ନିଶ୍ଚୟ କରାନ୍ତୁ । | |


| | |
|---|---|
| **Ms. Jubuli Sahu**<br>**Junior Agrometeorologist,**<br>**AMFU, RRTTS, Chiplima** | **Dr. Sanjukta Mohapatra**<br>**ADR & Nodal Officer**<br>**RRTTS, Chiplima** |


**କୃଷି ରେ ଉତ୍ତମ ଲାଭ ପାଇଁ, OUAT KALINGA ପ୍ରଡକ୍ଟସ (ବିହନ, ଚାରା ରୋପଣ ଓ କ୍ୟୁପିଏମ୍, ଟିସୁ କଲଚର ପ୍ଲାଣ୍ଟ, ଫଳ ଓ ପନିପରିବା, ମୂଲ୍ୟଯୁକ୍ତ ଉତ୍ପାଦ, ଫିଙ୍ଗରଲିଙ୍ଗ୍/ଇୟରଲିଙ୍ଗ୍, କୁକୁଡ଼ା ଛୁଆ, ମହୁମାଛି ଓ ସ୍ୱୋନ୍, ଜୈବ ସାର, ଜୈବ କୀଟନାଶକ, ଜିଆ ଏବଂ ଜିଆ ଖତ ଇତ୍ୟାଦି) ବ୍ୟବହାର କରନ୍ତୁ।**

**ଭାରତ ପାଣିପାଗ ବିଭାଗର ପାଣିପାଗ ପୂର୍ବାନୁମାନ ଏବଂ ଓଡ଼ିଶା ସ୍ଥିତିର କୃଷି ପାଣିପାଗ ପରାମର୍ଶଦାତା ବର୍ତ୍ତମାନ ଉଭୟ ଇଂରାଜୀ ଏବଂ ଓଡ଼ିଆ ଭାଷାରେ ମେଘଦୂତ ମୋବାଇଲ ଆପ ରେ ଉପଲବ୍ଧ ଅଛି ଏବଂ ତଳେ ଦିଆଯାଇଥିବା ଲିଙ୍କ ରେ ଏହି ଆପଟିକୁ ଡାଉନଲୋଡ କରିପାରିବେ।**




(https://play.gooogle.com/store/apps/details?id=com.aas.meghdoot)

**କୃଷକ ଭାଇମାନେ ନିଜ ଅଞ୍ଚଳର ବିଜୁଳି କିମ୍ବା ବଜ୍ରପାତ ପୂର୍ବାନୁମାନ ପାଇଁ ଦାମିନୀ ଆପ କୁ ଅନୁସରଣ କରନ୍ତୁ ଏବଂ ତଳେ ଦିଆଯାଇଥିବା ଲିଙ୍କ ରେ ଏହି ଆପଟିକୁ ଡାଉନଲୋଡ କରିପାରିବେ।**




(https://play.google.com/store/apps/details?id=com.lightening.live.damini)